**ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା**

ନଂ. ୧୨୦୮ ତା- ୨୬.୦୪.୨୦୨୬

ଇସ୍ତାହାର (D.R. Case No. 09/2026)

ଏତଦ୍ୱାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମିକୁ ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରାଯିବାକୁ ପ୍ରସ୍ତାବ ମଞ୍ଜୁର ହୋଇଅଛି । ଏଥିରେ ଆବେଦନକାରୀଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ଖାତା ନଂ, ପ୍ଲଟ ନଂ, କିସମ, ଜମିର ପରିମାଣ ନିମ୍ନରେ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ ଗୋଚର ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

**ତଫସିଲ**

ମୌଜାର ନାମ- ଆଣ୍ଡୁଆ ଥାନାର ନାମ- ମୋରଡା ନଂ- ୪୨

| ଖାତା ନଂ | ପ୍ଲଟ ନଂ | ରକବା | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|
| ୨୮୯ | ୧୨୪୩ | ଏ୦.୮୪ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ- ପତିତ | ସମବାୟ ସମିତି ବିଭାଗ |
| ମୋଟ | | ଏ୦.୮୪ | | |

ଏହାର ଏକକିତା ନକଲ ଆଣ୍ଡୁଆ ମୌଜାରେ ଡେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା / ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଆଣ୍ଡୁଆ / ରାଜସ୍ୱ ନିରୀକ୍ଷକ, ଚିତ୍ରଡା ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

୨୬.୦୪.୨୬

TAHASILDAR
MORADA

ତହସିଲଦାର, ମୋରଡା